# ରାଷ୍ଟ୍ରୀୟ ଲୋକ ଅଦାଲତ

## ତା୧୧।୦୨।୨୦୧୭ ରିଖ (ଶନିବାର)

### ବିଶେଷ ସୂଚନା

୧ । ଆଜ୍ଞା, କୌଣସି କଚେରୀରେ ଆପଣଙ୍କର କୌଣସି ମକଦ୍ଦମା ବିଚାରାଧିନ ରହିଛି କି, ବା ଆପଣଙ୍କର କାହା ସହିତ କୌଣସି ବିବାଦ ରହିଛି କି ?

୨ । ତେବେ ଆପଣ ସେ ମକଦ୍ଦମା/ବିବାଦର ସହଜ ଏବଂ ଆପୋଷ ସହମତିରେ ସମାଧାନ ପାଇଁ ଲୋକ ଅଦାଲତଙ୍କ ସହାୟତା ନିଅନ୍ତୁ ।

୩ । ତା୧୧.୦୨.୨୦୧୭ ରିଖ (ଶନିବାର)ରେ ପ୍ରତ୍ୟେକ ଜିଲ୍ଲା ସ୍ତରୀୟ ଏବଂ ତାଲୁକ୍ ସ୍ତରୀୟ ବିଚାର ବିଭାଗୀୟ କୋର୍ଟ ପରିସରରେ ଏକ ରାଷ୍ଟ୍ର-ସ୍ତରୀୟ ଲୋକ ଅଦାଲତ ଅନୁଷ୍ଠିତ ହେଉଛି ।

୪ । ଏହି ରାଷ୍ଟ୍ରୀୟ ଲୋକ ଅଦାଲତରେ ପ୍ରାୟ ସମସ୍ତ ପ୍ରକାରର ବିଚାରାଧିନ ମକଦ୍ଦମା ଯଥା ଦେୱାନୀ, ଫୌଜଦାରୀ (ସାଲିସ୍ ଯୋଗ୍ୟ), ରାଜସ୍ୱ, ମୋଟର ଦୁର୍ଘଟଣା ଜନିତ କ୍ଷତିପୂରଣ, ବ୍ୟାଙ୍କ ଋଣ, ବିଦ୍ୟୁତ୍ ଓ ଜଳଯୋଗାଣ, ପାରିବାରିକ, ଜମି ଅଧିଗ୍ରହଣ, ଶ୍ରମ ବିବାଦ, ଚେକ୍ ବାଉନ୍ସ ମାମଲା ଇତ୍ୟାଦିର ଆପୋଷ ସହମତିରେ ସମାଧାନ କରାଯାଇପାରିବ । କେବଳ ବିଚାରାଧିନ ମକଦ୍ଦମା ନୁହେଁ, ପ୍ରାକ୍-ମକଦ୍ଦମା ସ୍ତରୀୟ (କଚେରୀରେ ଦାୟର ହୋଇନଥିବା) ବିବାଦର ମଧ୍ୟ ସମାଧାନ ହୋଇପାରିବ ।

୫ । ଲୋକ ଅଦାଲତରେ ମକଦ୍ଦମା/ବିବାଦର ସମାଧାନ ପାଇଁ କୌଣସି ଆର୍ଥିକ ଖର୍ଚ୍ଚ ପଡେ ନାହିଁ ଏବଂ ଲୋକ ଅଦାଲତଙ୍କ ରାୟ ବୈଧ, ଚୁଡାନ୍ତ ଏବଂ ଅମଳଯୋଗ୍ୟ ।

୬ । ଯଦି କୌଣସି ବିଚାରାଧିନ ମକଦ୍ଦମାର ସମାଧାନ ଲୋକ ଅଦାଲତ ମାଧ୍ୟମରେ ହୁଏ, ଆଗରୁ ପଇଠ ହୋଇଥିବା କୋର୍ଟ ଫି ଫେରସ୍ତ ହୋଇପାରିବ ।

୭ । ଦୀର୍ଘଦିନ ଧରି ଚାଲୁରହିଥିବା ମକଦ୍ଦମାର ସହଜ ସମାଧାନ ପାଇଁ ଏବଂ ଆର୍ଥିକ ଖର୍ଚ୍ଚ ଓ ସମୟ ଅପଚୟରୁ ନିସ୍ତାର ପାଇଁ ଏହି ସୁଯୋଗର ସଦ୍‌ଉପଯୋଗ କରନ୍ତୁ ।

୮ । ସବିଶେଷ ବିବରଣୀ ନିମନ୍ତେ ଆପଣଙ୍କ ନିକଟସ୍ଥ ଅଦାଲତରେ କାର୍ଯ୍ୟରତ ଥିବା ଜିଲ୍ଲା ବା ତାଲୁକ୍ ଆଇନ ସେବା କାର୍ଯ୍ୟାଳୟ ସହ ତୁରନ୍ତ ଯୋଗାଯୋଗ କରନ୍ତୁ ।

**ସଦସ୍ୟ ସଚିବ**
**ଓଡ଼ିଶା ରାଜ୍ୟ ଆଇନ ସେବା ପ୍ରାଧିକରଣ**
**କଟକ**
**ଯୋଗାଯୋଗ : (୦୬୭୧) ୨୩୦୭୦୭୧**